# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୧୩ (ଓଡ଼ିଆ ବୁଲେଟିନ) ସପ୍ତାହ - ୦୭ ତାରିଖ: ୧୩.୦୨.୨୦୨୪

## ଝାରସୁଗୁଡା

ଭାରତ ପାଣିପାଗ ବିଜ୍ଞାନ ବିଭାଗ,ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହରେ ଆକାଶ ଆଂଶିକ ରୁ ପୂର୍ଣତଃ ମେଘାଛନ୍ନ ରହିବା ସହିତ ଅତି ସ୍ବଳ୍ପ ରୁ ସ୍ବଳ୍ପ ବର୍ଷା ହେବାର ମଧ ସମ୍ଭାବନା ଦେଖାଯାଇପାରେ । ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୨୮ ରୁ ୩୨ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୧୬ ରୁ ୧୯ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୪୬% ରୁ ୬୫% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୨୪% ରୁ ୩୦% ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧ୍ୟରେ ୭ ରୁ ୧୨ କି.ମି. ପ୍ରତି ଘଣ୍ଟା ବେଗରେ ଉତ୍ତର ପୂର୍ବ କିମ୍ବା ଦକ୍ଷିଣ ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି ।

| ତାରିଖ | 14-02-2024 | 15-02-2024 | 16-02-2024 | 17-02-2024 | 18-02-2024 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 5 | 10 | 0 | 0 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 31 | 31 | 28 | 30 | 32 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 18 | 19 | 19 | 17 | 16 |
| ସମ୍ପୂର୍ଣ ମେଘ ଆବରଣ(ଓକଟା) | 4 | 7 | 8 | 6 | 2 |
| ସର୍ବାଧିକ ଆପେକ୍ଷିକ ଆଦ୍ରତା (ଶତକଡା %) | 60 | 65 | 64 | 56 | 46 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 29 | 23 | 30 | 26 | 24 |
| ପବନ ବେଗ (କିମି/ଘଣ୍ଟା ପ୍ରତି) | 7 | 12 | 9 | 8 | 9 |
| ପବନ ଦିଗ (ଡିଗ୍ରୀ) | 120 | 56 | 60 | 70 | 63 |

ଅଧିକ ଜାଣିବା ପାଇଁ , ଭାରତୀୟ ପାଣିପାଗ ବିଭାଗ , ଭୁବନେଶ୍ୱର, ଟେଲିଫୋନ # ୦୬୭୪-୨୫୯୬୧୧୬ ରେ ଯୋଗାଯୋଗ କରନ୍ତୁ

## ସାଧାରଣ ଉପଦେଶ

- ଆସନ୍ତା ଦୁଇ ରୁ ତିନି ଦିନ ମଧ୍ୟରେ ସ୍ବଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ତେଣୁ ଯେକୌଣସି ପ୍ରକାରର ଔଷଧର ପ୍ରୟୋଗ ଏବଂ ଜଳ ସେଚନ ପାଇଁ କିଛି ଦିନ ଅପେକ୍ଷା କରିବାକୁ ପରାମର୍ଶ ଦିଆଯାଇଅଛି ।
- ପୂର୍ବ ଦିନରେ ହୋଇଥିବା ବର୍ଷା ତଥା ଆଗକୁ ବର୍ଷାର ସମ୍ଭାବନାକୁ ଧ୍ୟାନରେ ରଖି ଗ୍ରୀଷ୍ମକାଳିନ ପନିପରିବା ଚାଷ ପାଇଁ ନର୍ସରୀରେ ବିହନ ବୁଣା ଏବଂ ଧାନର ରୁଆ କାର୍ଯ୍ୟ ବର୍ଷା ଛାଡ଼ିଲା ପରେ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି ।
- ବର୍ଷା ଯୋଗୁଁ ଯଦି ଖେତରେ ପାଣି ଜମା ରହୁଛି ତା'ହେଲେ ଅଧିକ ଜଳର ନିଷ୍କାସନ ପାଇଁ ବ୍ୟବସ୍ଥା କରନ୍ତୁ ।
- ବର୍ତ୍ତମାନ ପାଣିପାଗର ଯେଉଁ ସ୍ଥିତି ରହିଅଛି ତାହା ଫସଲରେ ରୋଗ ପୋକ ଆକ୍ରମଣ ପାଇଁ ଅନୁକୂଳ ଅଟେ ତେଣୁ ଏହାର ନିୟମିତ ନିରୀକ୍ଷଣ କରନ୍ତୁ ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଡାଲୁଆ ଧାନ | ରୋପଣ ଅବସ୍ଥା | ପୂର୍ବ ଦିନର ବର୍ଷା ତଥା ଆଗକୁ ହେବାକୁ ଥିବା ବର୍ଷାର ସ୍ଥିତି କୁ ଧ୍ୟାନରେ ରଖି ୨୧ ରୁ ୨୫ ଦିନ କିମ୍ବା ତା'ଠୁ ଅଧିକ ଦିନ ପୁରୁଣା ତଳିର ରୋପଣ କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଉଛି । ଚାଷୀ ଭାଇମାନେ ଘାସମରା ଔଷଧ ହିସାବରେ ବେନସଲଫ୍ୟୁରାନ ମିଥାଇଲ @ ୪ କିଲୋ ପ୍ରତି ଏକର ସହିତ ପ୍ରେଟିଲାକ୍ଲୋରକୁ ମିଶାଇ ଧାନ ରୁଆର ୫ ରୁ ୮ ଦିନ ମଧ୍ୟରେ କିମ୍ବା ୫ ଗ୍ରାମ ପାଇରାଜୋସଲଫ୍ୟୁରାନ ଇଥାଇଲ ୧୦% wp କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ରୋଇବାର ୩ ରୁ ୫ ଦିନ ମଧ୍ୟରେ କିମ୍ବା ବିସ୍ପାରିବେକ୍ ସୋଡିଅମର ୧୨୦ ମିଲୀ କୁ ୧୪୦ ଲିଟର ପାଣିରେ ମିଶାଇ ଏକର ପିଛା ରୋଇବାର ୧୦ ରୁ ୧୫ ଦିନ ମଧ୍ୟରେ ଶୁଷ୍କ ପାଗକୁ ଦେଖି ସିଂଚନ କରନ୍ତୁ । |
| ମୁଗ ଏବଂ ବିରି | ପୁଷ୍ପ ଅବସ୍ଥା | ପୂର୍ବ ଦିନରେ ହୋଇଥିବା ବର୍ଷା ଯୋଗୁଁ ଯଦି ଖେତରେ ଜଳ ଜମା ହେବାପରି ସ୍ଥିତି ଉପୁଜେ ତା'ହେଲେ ଅଧିକ ଜଳ |

| | | |
|---|---|---|
| | | ନିଷ୍କାସନର ପ୍ରବନ୍ଧ କରିବାକୁ ପରାମର୍ଶ ଦିଆଯାଇଅଛି କାରଣ ଆଗକୁ ମଧ୍ୟ ବର୍ଷାର ସମ୍ଭାବନା ରହିଅଛି । ଯଦି ମୁଗ ଓ ବିରି ଜାତୀୟ ଫସଲରେ ସାହେବୀ ରୋଗର ଲକ୍ଷଣ ଦେଖାଯାଏ ଯାହାକି ଧଳା ମାଛି ଦ୍ବାରା ବ୍ୟାପିଥାଏ ତେଣୁ ଧଳା ମାଛିର ନିୟନ୍ତ୍ରଣ ପାଇଁ ପ୍ରତି ଏକର ପିଛା ୪୦ ଗ୍ରାମ ଏସିଟାମିପ୍ରିଡ୍‌କୁ ୨୦୦ ରୁ ୨୫୦ ଲିଟର ପାଣିରେ ମିଶାଇ ବର୍ଷା ଛାଡ଼ିଲା ପରେ ଶୁଷ୍କ ପାଗକୁ ଦେଖି ଖେତରେ ପ୍ରୟୋଗ କରନ୍ତୁ । |
| ରାଶି | ବିହନ ବୁଣିବା | ଏକର ପିଛା ୨ ରୁ ୨.୫ କିଲୋ ବିହନ ହିସାବରେ ରାଶିର ବୁଣା କାର୍ଯ୍ୟ ବର୍ଷା ଛାଡ଼ିଲା ପରେ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି । ବିହନ ବୁଣିବା ପୂର୍ବରୁ ୨ ଗ୍ରାମ ବାଭିଷ୍ଟିନ କୁ ପ୍ରତି କିଲୋ ବିହନ ହିସାବରେ ବିଶୋଧନ କରନ୍ତୁ ଏବଂ ଏହାର ବିହନର ଆକାର ଛୋଟ ହୋଇଥିବାରୁ ବୁଣିବା ସମୟରେ ବିହନରେ ବାଲି କିମ୍ବା ମାଟି ମିଶାଇ ଧାଡ଼ିରେ ବୁଣନ୍ତୁ । |
| ଚିନାବାଦାମ | ବନସ୍ପତି ବିକାସ | ବିହନ ବୁଣିବାର ୧୫ ଦିନ ମଧ୍ୟରେ ଘାସମରା ଔଷଧ ଭାବରେ ୩ ମିଲି ଇମାଯେଥାପିର୍‌କୁ ପ୍ରତି ଲିଟର ପାଣିରେ ମିଶାଇ ପ୍ରୟୋଗ କରିପାରିବେ । ଆଗକୁ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ଘାସମରା ଔଷଧର ପ୍ରୟୋଗ ପାଇଁ କିଛି ଦିନ ଅପେକ୍ଷା କରିବାକୁ ପରାମର୍ଶ ଦିଆଯାଇଅଛି । |
| ବାଇଗଣ, ଟମାଟର | ପୁଷ୍ପ ଏବଂ ଫଳ ଅବସ୍ଥା | ଯଦି ବାଇଗଣ ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଳୁଆ ଏବଂ କାଣ୍ଡ ଓ ଫଳବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ୍‌କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ । ଧଳା ମାଛିର ନିୟନ୍ତ୍ରଣ ପାଇଁ ୦.୩ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ଅଧିକ ଜଳର ନିଷ୍କାସନ ପାଇଁ ପ୍ରବନ୍ଧ କରନ୍ତୁ । |
| ଟମାଟର | ବୁଣିବା/ ବନସ୍ପତି ବିକାସ | ଗ୍ରୀଷ୍ମକାଳିନ ଟୋମାଟୋ ଚାଷ ପାଇଁ ବିହନ ବୁଣା କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି କାରଣ ଏବେ ତାପମାତ୍ରା ଯାହା ବିହନର ଅଂକୁରଣ ପାଇଁ ଉପଯୋଗୀ ଅଟେ କିନ୍ତୁ ଆସନ୍ତା ଦୁଇ ଦିନ ମଧ୍ୟରେ ବର୍ଷାର ସମ୍ଭାବନାକୁ ଦେଖି ଯେଉଁ ଗଛଗୁଡା ବନସ୍ପତି ବିକାସ ସ୍ତରରେ ଅଛି ସେଥିରେ କୁଡା ଖୋସା ଏବଂ ଘାସ ଉପାଡିବା କାର୍ଯ୍ୟ କିଛି ଦିନ ସ୍ଥଗିତ ରଖିବାକୁ ପରାମର୍ଶ ଦିଆଯାଇଅଛି । |

---



| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR & Nodal Officer**<br>**RRTTS, Chiplima** |



---

କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।

ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ଉଭୟ ଇଂରାଜୀ ଏବଂ ଓଡ଼ିଆ ଭାଷାରେ ମେଘଦୂତ ମୋବାଇଲ ଆପ ରେ ଉପଲବ୍ଧ ଅଛି ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ। (https://play.gooogle.com/store/apps/details?id=com.aas.meghdoot)

କୃଷକ ଭାଇମାନେ ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ କୁ ଅନୁସରଣ କରନ୍ତୁ ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ। (https://play.google.com/store/apps/details?id=com.lightening.live.damini)